# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**18April – 2025**

---

# ଗଡ଼କରୀ

କେନ୍ଦ୍ର ସଡ଼କ, ପରିବହନ ଓ ରାଜପଥ ମନ୍ତ୍ରୀ ନୀତିନ ଗଡ଼କରୀ ଓଡ଼ିଶା ପାଇଁ ୯ ହଜାର ୨୩ କୋଟି ଟଙ୍କା ବ୍ୟୟରେ ୧୩ଟି ପ୍ରକଳ୍ପ ମଂଜୁର କରିଛନ୍ତି । ଭୁବନେଶ୍ୱର ବରମୁଣ୍ଡା ପଡ଼ିଆରେ ୪ ହଜାର ୧୭୩ କୋଟି ଟଙ୍କା ନିବେଶରେ ୧୯ଟି ସଡ଼କ ପ୍ରକଳ୍ପର ଶିଳାନ୍ୟାସ ଓ ଲୋକାର୍ପଣ କରି ଶ୍ରୀ ଗଡ଼କରୀ କହିଛନ୍ତି, ଓଡ଼ିଶାରେ ପ୍ରାୟ ୨ ଲକ୍ଷ କୋଟି ଟଙ୍କାର ସଡ଼କ ପ୍ରକଳ୍ପ କାର୍ଯ୍ୟକାରୀ ହେଉଛି । ଆଗାମୀ ୨ ବର୍ଷ ମଧ୍ୟରେ ୩ ଲକ୍ଷ କୋଟି ଟଙ୍କାର ପ୍ରକଳ୍ପ କାର୍ଯ୍ୟ ଶେଷ ହେବ । ଏଥିସହ କେନ୍ଦ୍ରମନ୍ତ୍ରୀ ୫ ହଜାର କୋଟି ଟଙ୍କାର ୮ଟି ବାଇପାସ୍ ନିର୍ମାଣକୁ ମଧ୍ୟ ଅନୁମତି ପ୍ରଦାନ କରିଛନ୍ତି ।

**V/O**

କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ରାଜ୍ୟରେ ଜାତୀୟ ରାଜପଥ ପ୍ରକଳ୍ପ ପୂର୍ବୋଦୟ ଯୋଜନାରେ ଯୋଗାଯୋଗ କ୍ଷେତ୍ରରେ ମାଇଲ୍‌ଖୁଣ୍ଟ ସାବ୍ୟସ୍ତ ହେବ ବୋଲି ଏକ ଭିଡ଼ିଓ ବାର୍ତ୍ତାରେ କହିଛନ୍ତି ।

---

# ପ୍ରକଳ୍ପ ଉଦ୍‌ଘାଟିତ

ଗଞ୍ଜାମ ଜିଲ୍ଲା ଦିଗପହଣ୍ଡି ବ୍ଲକ ଅନ୍ତର୍ଗତ ଜକମାରୀପଲୀ ନିକଟ ରାମନଦୀ ପଠାରେ ୫୯ କୋଟି ୯୦ ଲକ୍ଷ ଟଙ୍କା ବ୍ୟୟରେ ନିର୍ମିତ ଆନ୍ତଃ ନଦୀଜଳ ସଂରକ୍ଷଣ ପ୍ରକଳ୍ପ ଉଦ୍‌ଘାଟିତ ହୋଇଛି । ପ୍ରକଳ୍ପ ଦ୍ୱାରା ଆଖପାଖ ଗ୍ରାମର ଲୋକଙ୍କୁ ପାନୀୟ ଜଳ ଓ ଚାଷଜମିକୁ ଜଳସେଚନର ସୁବିଧା ମିଳିପାରିବ ବୋଲି ପ୍ରକଳ୍ପକୁ ଉଦ୍‌ଘାଟନ କରି ଦିଗପହଣ୍ଡି ବିଧାୟକ ସିଦ୍ଧାନ୍ତ ମହାପାତ୍ର କହିଛନ୍ତି ।

---

# ପଦୋନ୍ନତି

ରାଜ୍ୟ ଗୃହ ବିଭାଗ ପକ୍ଷରୁ ଓଡ଼ିଶା ପୋଲିସ୍ ସେବାର ୧୧ ଜଣ ଡିଏସ୍‌ପି ପାହ୍ୟା ଅଧିକାରୀଙ୍କୁ ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ଭାବେ ପଦୋନ୍ନତି ଦିଆଯାଇଛି । ଏ ନେଇ ବିଜ୍ଞପ୍ତି ପ୍ରକାଶ ପାଇଛି ।

---

# ପୁରସ୍କାର

କୋରାପୁଟ ଜିଲ୍ଲା ସାଧାରଣ ପ୍ରଶାସନ କ୍ଷେତ୍ରରେ ଉଲ୍ଲେଖନୀୟ କୃତିତ୍ୱ ପାଇଁ ୨୦୨୪ ବର୍ଷ ଲାଗି ପ୍ରଧାନମନ୍ତ୍ରୀ ପୁରସ୍କାର ପାଇବା ପାଇଁ ମନୋନିତ ହୋଇଛି । ଏ ନେଇ କେନ୍ଦ୍ର ସାଧାରଣ ଅଭିଯୋଗ ଓ ପେନସନ ମନ୍ତ୍ରଣାଳୟ ପକ୍ଷରୁ କୋରାପୁଟ ଜିଲ୍ଲାପାଳଙ୍କୁ ପତ୍ର ମାଧ୍ୟମରେ ଅବଗତ କରାଯାଇଛି । ଆସନ୍ତା ୨୧ ତାରିଖରେ ନୂଆଦିଲ୍ଲୀର ବିଜ୍ଞାନ ଭବନରେ ଏହି ପୁରସ୍କାର ପ୍ରଦାନ କରାଯିବ ।

---

## ମହୋତ୍ସବ

କେନ୍ଦ୍ରାପଡ଼ା ଜିଲ୍ଲା ମହାକାଳପଡ଼ା ବ୍ଲକ ଅନ୍ତର୍ଗତ ରାମନଗର ଗ୍ରାମର ମା' ଦରିଆ ରାମଚଣ୍ଡୀ ମନ୍ଦିର ପ୍ରାଙ୍ଗଣରେ ଚାଲିଥିବା ଜମ୍ଭୁଦ୍ୱୀପ ମହୋତ୍ସବର ତୃତୀୟ ସନ୍ଧ୍ୟାରେ ଖାଦ୍ୟ ଯୋଗାଣ, ଖାଉଟି କଲ୍ୟାଣ ଓ ପ୍ରଯୁକ୍ତିବିଦ୍ୟା ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଯୋଗ ଦେଇଥିଲେ । ମନ୍ତ୍ରୀ ଶ୍ରୀ ପାତ୍ର ସ୍ଥାନୀୟ ଲୋକସଂସ୍କୃତି ଓ ପରମ୍ପରା ଉପରେ ଆଲୋକପାତ କରିଥିଲେ ।

---

## ପୋଷଣ ପକ୍ଷ

ଖୋର୍ଦ୍ଧା ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ସମାଜ ମଙ୍ଗଳ ବିଭାଗ ପକ୍ଷରୁ ଜିଲ୍ଲାସ୍ତରୀୟ ପୋଷଣ ପକ୍ଷ ପାଳିତ ହୋଇଛି । ଏହି କାର୍ଯ୍ୟକ୍ରମର ପ୍ରସାର ପ୍ରଚାର ନିମନ୍ତେ ପ୍ରତ୍ୟେକ ଅଙ୍ଗନବାଡ଼ି କେନ୍ଦ୍ରରେ ପୋଷଣ ପକ୍ଷ ଆୟୋଜନ କରାଯାଇ ଶପଥପାଠ ଉତ୍ସବ କରିବାକୁ ଜିଲ୍ଲାପାଳ ଚଞ୍ଚଳ ରାଣା ନିର୍ଦ୍ଦେଶ ଦେଇଛନ୍ତି ।

---

## ଗୁଡ୍ ଫ୍ରାଇଡେ

ପ୍ରଭୁ ଯିଶୁଖ୍ରୀଷ୍ଟଙ୍କର ବଳିଦାନକୁ ସ୍ମରଣ କରି ବିଶ୍ୱର କୋଣ ଅନୁକୋଣରେ ଆଜି ଶୁଭ ଶୁକ୍ରବାର - ଗୁଡ୍ ଫ୍ରାଇଡେ ପାଳନ କରାଯାଉଛି । ଖ୍ରୀଷ୍ଟିଆନ ସମ୍ପ୍ରଦାୟର ଭାଇଭଉଣୀମାନେ ଆନନ୍ଦ ଉଲ୍ଲାସର ସହିତ ପ୍ରଭୁ ଯିଶୁଖ୍ରୀଷ୍ଟଙ୍କର ଧାର୍ମିକ ଚିନ୍ତାଧାରା ଏବଂ ପବିତ୍ର ବାର୍ତ୍ତାକୁ ସମାଜରେ ପ୍ରସାରିତ କରିବାପାଇଁ ଆଜିର ଦିନରେ ଆଗେଇ ଆସିଥାନ୍ତି । ପ୍ରଭୁ ଯିଶୁଖ୍ରୀଷ୍ଟଙ୍କ ବାର୍ତ୍ତା ସମାଜରେ ଲୋକଙ୍କର ଦୁଃଖରୁ ମୁକ୍ତି ଦେବାରେ ସମର୍ପିତ ଥିଲା ।

ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଗୁଡ୍ ଫ୍ରାଇଡେ ଅବସରରେ ପ୍ରଭୁ ଯୀଶୁଙ୍କ ପ୍ରଦର୍ଶିତ ପ୍ରେମ, କରୁଣା ଓ ତ୍ୟାଗର ପଥରେ ଅଗ୍ରସର ହେବାକୁ ଆହ୍ୱାନ ଦେଇଛନ୍ତି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶୁଭ ଶୁକ୍ରବାରର ବାର୍ତ୍ତାକୁ ପାଳନ କରି ଏକ ଆଦର୍ଶ ସମାଜ ଗଠନ ଦିଗରେ କାର୍ଯ୍ୟ କରିବାକୁ ପରାମର୍ଶ ଦେଇଛନ୍ତି ।

# ବିଶ୍ୱ ଐତିହ୍ୟ ଦିବସ

ଆଜି ବିଶ୍ୱ ଐତିହ୍ୟ ଦିବସ । ଆନ୍ତର୍ଜାତୀୟ ସ୍ଥାପତ୍ୟ ପରିଷଦର ପ୍ରସ୍ତାବ ଅନୁସାରେ ଆଜିର ଦିନକୁ ବିଶ୍ୱ ଐତିହ୍ୟ ଦିବସ ଭାବେ ପାଳନ କରିବା ଲାଗି ୟୁନେସ୍କୋ ସାଧାରଣ ପରିଷଦ ୧୯୮୨ ମସିହାଠାରୁ ନିଷ୍ପତ୍ତି ନେଇଥିଲା । ସାଂସ୍କୃତିକ ଐତିହ୍ୟର ବିବିଧତା ଉପରେ ଲୋକଙ୍କୁ ସଚେତନ କରାଇବା ପାଇଁ ଏହି ଦିବସ ପାଳନ କରାଯାଉଛି । ଏହି ଦିବସର ବାର୍ତ୍ତା ରହିଛି 'ବିପର୍ଯ୍ୟୟ ଓ ସଂଘର୍ଷରେ ବିପଦରେ ଥିବା ଐତିହ୍ୟ- ପ୍ରସ୍ତୁତି ଏବଂ ମୁକାବିଲା' । କୋଣାର୍କ ସୂର୍ଯ୍ୟ ମନ୍ଦିରରେ ଆଜି ପର୍ଯ୍ୟଟକଙ୍କ ପାଇଁ ପ୍ରବେଶ ଶୁଳ୍କ ଛାଡ କରାଯାଇଥିବା ଏଏସ୍ଆଇ ପକ୍ଷରୁ କୁହାଯାଇଛି ।

# ପାଣିପାଗ

ରାଜ୍ୟର ବିଭିନ୍ନ ସ୍ଥାନରେ କାଳବୈଶାଖୀ ଜନିତ ବର୍ଷା ହୋଇ ଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଏହାର ପ୍ରଭାବରେ ଦିନର ସର୍ବୋଚ୍ଚ ତାପମାତ୍ରା ହ୍ରାସ ପାଇଛି । ଗତକାଲି ଟିଟିଲାଗଡ଼ରେ ସର୍ବୋଚ୍ଚ ତାପମାତ୍ରା ୪୦ ଦଶମିକ ୫ ଡିଗ୍ରୀ ସେଲ୍ସିୟସ ରେକର୍ଡ କରାଯାଇଥିଲା। ସେହିଭଳି ଭବାନୀପାଟଣା ଓ ଝାରସୁଗୁଡ଼ାରେ

ତାପମାତ୍ରା ୪୦ ଡିଗ୍ରୀ ସେଲ୍‌ସିୟସ୍ ଉପରେ ରହିଥିଲା । ଅପରପକ୍ଷରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ କଟକ ଓ ଖୋର୍ଦ୍ଧା ସମେତ ୧୫ଟି ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ବର୍ଷା ହେବାର ସମ୍ଭାବନା ରହିଛି ।

## ମହିଳା ଟି-୨୦

କଟକ ରେଭେନ୍ସା ପଡ଼ିଆରେ ଓଡ଼ିଶା କ୍ରିକେଟ୍ ଆସୋସିଏସନ୍ ପକ୍ଷରୁ ଆୟୋଜନ କରାଯାଇଥିବା ଆନ୍ତଃ ଜିଲ୍ଲା ମହିଳା ଟି-୨୦ ଚମ୍ପିୟାନ୍‌ସିପ୍‌ର ଏକ ମ୍ୟାଚ୍‌ରେ ଗତକାଲି ସମ୍ବଲପୁର ୧୦ ୱିକେଟ୍‌ରେ ନୟାଗଡ଼କୁ ପରାସ୍ତ କରିଛି । ସେହିଭଳି ଅନ୍ୟ ଏକ ମ୍ୟାଚ୍‌ରେ ବଲାଙ୍ଗୀର’ଝାରସୁଗୁଡ଼ାକୁ ୮ ୱିକେଟ୍‌ରେ ପରାସ୍ତ କରିଛି ।